# ତହସିଲଦାରଙ୍କ କାର୍ଯ୍ୟାଳୟ, ମ.ରାମପୁର

ପତ୍ର ସଂଖ୍ୟା-୩୬୪୧          ତାରିଖ-୨୭.୧୨.୨୦୨୪

DRP ମାମଲା ସଂଖ୍ୟା- ୨୮/୨୦୨୪

## ଇସ୍ତାହାର

ଏତଦ୍ୱାରା ରାମପୁର ଗ୍ରା.ପ. ଅଧିନସ୍ଥ ହରିଶ୍ଚନ୍ଦ୍ରପୁର ଗ୍ରାମର ସର୍ବସାଧାରଣଙ୍କ ଗୋଚରାର୍ଥେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲଭୁକ୍ତ ସରକାରୀ ଜମିଟି ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶ ବିଭାଗ, ଓଡିଶା ସରକାରଙ୍କ ନାମରେ ବନ୍ଦୋବସ୍ତ କରାଯିବା ନିମନ୍ତେ ପ୍ରସ୍ତାବ ଆଗତ କରାଯାଇଅଛି। ଏଥି ସମ୍ବନ୍ଧୀୟ ମାମଲା ଏହି କାର୍ଯ୍ୟାଳୟରେ ଅନୁଷ୍ଠିତ କରାଯାଇ ତତ୍ ସମ୍ବନ୍ଧୀୟ ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ଉକ୍ତ ଜମି ରକ୍ଷିତ ଖାତାଭୁକ୍ତ ଏବଂ କିସମ ଆଡି, ବନ୍ଧ ଓ ମୁଣ୍ଡା ଅଟେ । ଏହି ଜାଗାରେ ମତ୍ସ୍ୟ ଅଫିସ ଓ ଫାର୍ମ ତିଆରି କରାଯିବ । ଅତଏବ ଏହି ମାମଲା ଉପରେ ଯଦି କାହାର କୌଣସି ଆପତ୍ତି/ଅଭିଯୋଗ ଥାଏ ତାହେଲେ ଏହି ଇସ୍ତାହାର ଜାରି ହେବା ତାରିଖ ଠାରୁ ପରବର୍ତ୍ତୀ ୧୫ (ପନ୍ଦର) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀ ଅଧିକାରୀଙ୍କ କାର୍ଯ୍ୟାଳୟରେ ଲିଖିତ ଆକାରରେ ଆବଶ୍ୟକୀୟ କୋର୍ଟ ଫିଜ୍ ଷ୍ଟାମ୍ପ ଲଗାଇ ଏହାର ଶୁଣାଣି ନିମନ୍ତେ ଆପତ୍ତି/ ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି/ ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ମାମଲା ଜମିର ବିବରଣୀ

| ମୌଜା | ଖାତାନଂ | ପ୍ଲ.ନଂ | କିସମ | ମୋଟ ଏରିଆ | ପ୍ରସ୍ତାବିତ ଏରିଆ |
|---|---|---|---|---|---|
| ହରିଶ୍ଚନ୍ଦ୍ରପୁର | ୬୩ | ୨୬୧ | ଆଡି | ଏ ୦.୬୩ ଡି | ଏ ୦.୬୩ ଡି |
| | (ରକ୍ଷିତ) | ୨୬୨ | ବନ୍ଧ | ଏ ୨.୦୩ ଡି | ଏ ୨.୦୩ ଡି |
| | | ୨୬୩ | ମୁଣ୍ଡା | ଏ ୦.୪୭ ଡି | ଏ ୦.୪୭ ଡି |

ତହସିଲଦାର,
ମ.ରାମପୁର

ସ୍ମାରକ ସଂଖ୍ୟା -୩୬୪୨          ତାରିଖ – ୨୭.୧୨.୨୦୨୪

ଏହି ଇସ୍ତାହାରର ଏକକିତା ନକଲ ଏହି କାର୍ଯ୍ୟାଳୟ ର ନୋଟିସ ଫଳକରେ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ପ୍ରକାଶିତ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱନିରୀକ୍ଷକ, ରାମପୁର ମଣ୍ଡଳ/ ସରପଞ୍ଚ, ରାମପୁର ଗ୍ରା.ପଙ୍କୁ ପ୍ରେରଣ କରି ଅନୁରୋଧ କରାଗଲା କି ଜନସାଧାରଣଙ୍କ ଅବଗତି ନିମନ୍ତେ ସେମାନଙ୍କ କାର୍ଯ୍ୟାଳୟର ନୋଟିସ ଫଳକରେ ପ୍ରକାଶିତ କରିବେ । ଏହା ଛଡା ହରିଶ୍ଚନ୍ଦ୍ରପୁର ଗ୍ରାମର ପ୍ରମୁଖ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା କେନ୍ଦ୍ର ଅଧିକାରୀ (ଜାତୀୟ ସୂଚନା କେନ୍ଦ୍ର), କଳାହାଣ୍ଡିଙ୍କୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ କଳାହାଣ୍ଡି ଜିଲ୍ଲା ୱେବସାଇଟ(kalahandi.nic.in) ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା।

ତହସିଲଦାର,
ମ.ରାମପୁର